# REGIONAL NEWS UNIT, AIR CUTTACK

**Morning Bulletin (7.05 AM)**

**30 November – 2025**

---

## ମନ୍ କୀ ବାତ୍

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆଜି ପୂର୍ବାହ୍ନ ୧୧ଟାରେ ଆକାଶବାଣୀର 'ମନ୍ କୀ ବାତ୍' କାର୍ଯ୍ୟକ୍ରମରେ ଦେଶବାସୀଙ୍କ ସହ ଭାବ ବିନିମୟ କରିବେ। ଏହା ହେବ 'ମନ୍ କୀ ବାତ୍' କାର୍ଯ୍ୟକ୍ରମର ୧୨୮ତମ ସଂସ୍କରଣ। ଆକାଶବାଣୀ ଓ ଦୂରଦର୍ଶନର ସମସ୍ତ କେନ୍ଦ୍ର, ଆକାଶବାଣୀ ସମ୍ବାଦ ୱେବ୍‌ସାଇଟ୍ ଓ ନ୍ୟୁଜ୍ ଅନ୍ ଏ.ଆଇ.ଆର୍. ମୋବାଇଲ୍ ଆପ୍‌ରେ ଏହି କାର୍ଯ୍ୟକ୍ରମର ଲାଇଭ୍ ଷ୍ଟ୍ରିମିଂ ହେବ। ପ୍ରଧାନମନ୍ତ୍ରୀଙ୍କର ସମ୍ବୋଧନ ପରେ ଆଞ୍ଚଳିକ ଭାଷାରେ ମନ୍ କୀ ବାତ୍ ପ୍ରସାରଣ କରାଯିବ। ରାତି ୮ଟାରେ ଆଞ୍ଚଳିକ ଭାଷାନ୍ତରଣର ପୁନଃ ପ୍ରସାରଣ କରାଯିବ।

## ସଂସଦ-ଶୀତକାଳୀନ ଅଧିବେଶନ

ସଂସଦର ଶୀତକାଳୀନ ଅଧିବେଶନ ଆସନ୍ତା କାଲିଠାରୁ ଆରମ୍ଭ ହେବ। ଡିସେମ୍ବର ୧୯ ତାରିଖ ପର୍ଯ୍ୟନ୍ତ ଚାଲିବାକୁ ଥିବା ଏହି ଅଧିବେଶନରେ ୧୫ଟି କାର୍ଯ୍ୟଦିବସ ରହିଛି । ଅଧିବେଶନର ଅବ୍ୟବହିତ ପୂର୍ବରୁ ଆଜି ନୂଆଦିଲ୍ଲୀଠାରେ ସର୍ବଦଳୀୟ ବୈଠକ ଅନୁଷ୍ଠିତ ହେବ । ସଂସଦ କାର୍ଯ୍ୟକୁ ସୁରୁଖୁରୁରେ ସମ୍ପନ୍ନ କରିବା ଲକ୍ଷ୍ୟ ନେଇ ସଂସଦୀୟ ବ୍ୟାପାର ମନ୍ତ୍ରୀ କିରଣ ରିଜିଜୁ ଉଭୟ ଗୃହର ରାଜନୈତିକ ଦଳର ନେତାଙ୍କ ସହ ଆଲୋଚନା କରିବାର କାର୍ଯ୍ୟସୂଚୀ ରହିଛି ।

# ରାଜ୍ୟପାଳ

ଏକ ସମନ୍ୱିତ ଏବଂ ଭବିଷ୍ୟତମୁଖୀ ଓଡ଼ିଶା ଗଠନ ଲକ୍ଷ୍ୟ ପୂରଣ ଦିଗରେ ସମାଜର ସବୁବର୍ଗର ନାଗରିକ ସକ୍ରିୟ ଅଂଶଗ୍ରହଣ କରିବା ପାଇଁ ରାଜ୍ୟପାଳ ଡକ୍ଟର ହରିବାବୁ କମ୍ଭମପାଟି ଗୁରୁତ୍ୱ ଦେଇଛନ୍ତି । ଭୁବନେଶ୍ୱରଠାରେ ଗତକାଲି ଆୟୋଜିତ ଏକ କାର୍ଯ୍ୟକ୍ରମରେ ଯୋଗଦେଇ ରାଜ୍ୟପାଳ, ପରିବେଶ ଅବକ୍ଷୟ, ସାଇବର ଅପରାଧ, ନିଶାଦ୍ରବ୍ୟ ଅପବ୍ୟବହାର ଆଦିର ମୁକାବିଲା କ୍ଷେତ୍ରରେ ମିଳିମିଶି କାର୍ଯ୍ୟ କରିବାକୁ ଆହ୍ୱାନ ଦେଇଛନ୍ତି । ଲୋକଙ୍କ କରୁଣା, ଚରିତ୍ର ଓ ପ୍ରତିବଦ୍ଧତା ଦ୍ୱାରା ସମାଜର ପ୍ରକୃତ ପ୍ରଗତି ସମ୍ଭବ ହୋଇପାରିବ ବୋଲି ରାଜ୍ୟପାଳ କହିଛନ୍ତି ।

# ଧାନସଂଗ୍ରହ

ଚଳିତ ଖରିଫ ଋତୁରେ ରାଜ୍ୟରେ ଧାନ କିଣା ଏବଂ ଚାଷୀଙ୍କୁ ପ୍ରାପ୍ୟ ପ୍ରଦାନ ନେଇ ସରକାରଙ୍କ ପକ୍ଷରୁ ପଦକ୍ଷେପ ଗ୍ରହଣ କରାଯାଇଛି । ଧାନ ସଂଗ୍ରହ ପ୍ରକ୍ରିୟାରେ ମିଲର୍ସ ଅଧିକରୁ ଅଧିକ ସାମିଲ ହେବେ ବୋଲି ପ୍ରତିଶ୍ରୁତି ଦେଇଥିବା ଖାଦ୍ୟଯୋଗାଣ ଓ ଖାଉଟୀ କଲ୍ୟାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର କହିଛନ୍ତି । ଭୁବନେଶ୍ୱର ଲୋକସେବା ଭବନଠାରେ ଓଡ଼ିଶା ରାଇସ୍ ମିଲର୍ସ ଆସୋସିଏସନର ପ୍ରତିନିଧି ମଣ୍ଡଳୀ ସହ ବୈଠକ ପରେ ମନ୍ତ୍ରୀ ଶ୍ରୀ ପାତ୍ର କହିଛନ୍ତି, ଧାନସଂଗ୍ରହ ଏବଂ ଚାଷୀଙ୍କୁ ପ୍ରାପ୍ୟ ପ୍ରଦାନ ନେଇ ବିସ୍ତୃତ ଆଲୋଚନା ହୋଇଛି ।

## ଗବେଷଣା ସମ୍ମିଳନୀ ଉଦ୍‌ଯାପିତ

ବ୍ରହ୍ମପୁର ବିଶ୍ୱବିଦ୍ୟାଳୟରେ ୩ ଦିନ ଧରି ଅନୁଷ୍ଠିତ ଓଡ଼ିଶା ଗବେଷଣା ସମ୍ମିଳନୀ ୨୦୨୫ ଗତକାଲି ଉଦ୍‌ଯାପିତ ହୋଇଛି । କୁଳପତି ପ୍ରଫେସର ଗୀତାଞ୍ଜଳି ଦାସଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଉଦ୍‌ଯାପନୀ କାର୍ଯ୍ୟକ୍ରମରେ ଯୋଗଦେଇ ସାଂସଦ ଡକ୍ଟର ପ୍ରଦୀପ କୁମାର ପାଣିଗ୍ରାହୀ କହିଛନ୍ତି ୨୦୪୭ ବିକଶିତ ଭାରତ ସ୍ୱପ୍ନ ସାକାର କରିବାରେ ଏଭଳି ଗବେଷଣା ସମ୍ମିଳନୀ ମାର୍ଗଦର୍ଶନ କରିପାରିବ । କାର୍ଯ୍ୟକ୍ରମରେ ଯୋଗଦେଇ ତାମିଲନାଡୁ କେନ୍ଦ୍ରୀୟ ବିଶ୍ୱବିଦ୍ୟାଳୟର ପୂର୍ବତନ କୁଳପତି ତଥା ବିଶିଷ୍ଟ ଶିକ୍ଷାବିତ୍ ପଦ୍ମଶ୍ରୀ ଆଦିତ୍ୟ ପ୍ରସାଦ ଦାଶ, ଗବେଷଣା ଏବଂ ନୂତନ ଜ୍ଞାନକୌଶଳର ଆବଶ୍ୟକତାକୁ ଦୃଷ୍ଟିରେ ରଖି ଏକ ନୀତିଗତ ଯୋଜନା ପ୍ରସ୍ତୁତ କରିବାକୁ ପରାମର୍ଶ ଦେଇଛନ୍ତି । ସମ୍ମିଳନୀର ଏହି ପଞ୍ଚମ ସଂସ୍କରଣରେ ବିଭିନ୍ନ ବିଶ୍ୱବିଦ୍ୟାଳୟରୁ ୬୫୭ଜଣ ଗବେଷକ, ଅଧ୍ୟାପକ ଓ ଶିକ୍ଷାବିତ୍ ଯୋଗ ଦେଇଥିଲେ ।

## ବାରବାଟୀ ମ୍ୟାଚ୍-ବୈଠକ

କଟକ ବାରବାଟୀ ଷ୍ଟାଡିୟମରେ ଆସନ୍ତା ୯ ତାରିଖରେ ହେବାକୁ ଥିବା ଭାରତ-ଦକ୍ଷିଣ ଆଫ୍ରିକା ଆନ୍ତର୍ଜାତିକ ଟି-୨୦ କ୍ରିକେଟ୍ ମ୍ୟାଚ୍‌ର ପ୍ରସ୍ତୁତି ନେଇ ଏକ ସମୀକ୍ଷା ବୈଠକ ଗତକାଲି ଅନୁଷ୍ଠିତ ହୋଇଯାଇଛି । କେନ୍ଦ୍ରାଞ୍ଚଳ ରାଜସ୍ୱ ଆୟୁକ୍ତ ଗୁହା ପୁନମ୍ ତାପସକୁମାରଙ୍କ ଅଧ୍ୟକ୍ଷତାରେ କଟକ ଓସିଏ ସମ୍ମିଳନୀ କକ୍ଷରେ ଆୟୋଜିତ ଏହି ବୈଠକରେ ଟିକଟ ବିକ୍ରି, ସୁରକ୍ଷା ବ୍ୟବସ୍ଥା, ଟ୍ରାଫିକ ନିୟନ୍ତ୍ରଣ ଆଦି ବିଭିନ୍ନ ପ୍ରସଙ୍ଗ ନେଇ

ବିସ୍ତୃତ ଆଲୋଚନା ହୋଇଛି । ମ୍ୟାଚ୍ ସମୟରେ ନିରନ୍ତର ବିଦ୍ୟୁତ୍ ସରବରାହ ବ୍ୟବସ୍ଥା ପାଇଁ ସ୍ୱତନ୍ତ୍ର ପଦକ୍ଷେପ ଗ୍ରହଣ କରାଯାଉଥିବା ବୈଠକରୁ ଜଣାପଡିଛି ।

## ସଡ଼କ ସୁରକ୍ଷା ସଚେନତା ର୍ୟାଲି

ସଡ଼କ ଦୁର୍ଘଟଣାଜନିତ ଶୂନ୍ୟ ମୃତାହତ ପକ୍ଷ ପାଳନ ଅବସରରେ ଫୁଲବାଣୀଠାରେ ଏକ ସଡ଼କ ସୁରକ୍ଷା ସଚେତନତା ର୍ୟାଲି ଆୟୋଜିତ ହୋଇଯାଇଛି । ଫୁଲବାଣୀ ପରିବହନ ବିଭାଗ କାର୍ଯ୍ୟାଳୟ ପକ୍ଷରୁ ଆୟୋଜିତ ଏହି ର୍ୟାଲିରେ ଜିଲ୍ଲାସ୍ତରୀୟ ସରକାରୀ ଅଧିକାରୀଙ୍କ ସହ ପ୍ରାୟ ୨୦୦ ଛାତ୍ରଛାତ୍ରୀ ଏବଂ ସ୍ୱେଚ୍ଛାସେବୀ ସଂଗଠନର ପ୍ରତିନିଧି ଯୋଗ ଦେଇଥିଲେ ।

## ସଚେତନତା କାର୍ଯ୍ୟକ୍ରମ

ସୁବର୍ଣ୍ଣପୁର ଜିଲ୍ଲାରେ ହସ୍ତତନ୍ତ କ୍ଷେତ୍ରରେ ବ୍ୟବସାୟ ସୁଯୋଗ ଏବଂ ସାଇବର ସୁରକ୍ଷା ସମ୍ପର୍କିତ ଏକ ସଚେତନତା କାର୍ଯ୍ୟକ୍ରମ ଗତକାଲି ସୁବର୍ଣ୍ଣପୁରଠାରେ ଅନୁଷ୍ଠିତ ହୋଇଯାଇଛି । ଜିଲ୍ଲାପାଳ ଡକ୍ଟର ନୃପରାଜ ସାହୁଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ବିଭାଗୀୟ ଜିଲ୍ଲାସ୍ତରୀୟ ଅଧିକାରୀ ଏବଂ ହସ୍ତତନ୍ତ କ୍ଷେତ୍ର ସହ ଜଡିତ ଅଂଶୀଦାର ଯୋଗଦେଇ ସହଜ ବ୍ୟବସାୟ ଏବଂ ସାଇବର ସୁରକ୍ଷା ଆଧାରିତ ପ୍ରସଙ୍ଗ ଉପରେ ଆଲୋଚନା କରିଛନ୍ତି ।

# ବୈଠକ

ଖୋର୍ଦ୍ଧା ଜିଲ୍ଲା ବ୍ୟବସାୟିକ ସଂସ୍ଥାର କାର୍ଯ୍ୟଯୋଜନା ବୈଠକ ଗତକାଲି ଜିଲ୍ଲାପାଳ ଅମ୍ରିତ ଋତୁରାଜଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି । ବ୍ୟବସାୟକୁ ଅଧିକ ସହଜ, ଋଣ ପ୍ରଦାନ ବ୍ୟବସ୍ଥା ଆଦି ବିଭିନ୍ନ ପ୍ରସଙ୍ଗ ଉପରେ ବୈଠକରେ ବିସ୍ତୃତ ଆଲୋଚନା ହୋଇଛି ।

# ତାଲିମ ଶିବିର

ନବରଙ୍ଗପୁର ଜିଲ୍ଲା ଡାବୁଗାଁ ବ୍ଲକ ସମ୍ମିଳନୀ କକ୍ଷରେ 'ବାଲ୍ୟବିବାହମୁକ୍ତ ପଞ୍ଚାୟତ' ଶୀର୍ଷକ ଏକ ତାଲିମ ଶିବିର ଗତକାଲି ଅନୁଷ୍ଠିତ ହୋଇଯାଇଛି । ଜିଲ୍ଲାର ୫୮ଜଣ ସରପଞ୍ଚ, ସମିତିସଭ୍ୟ, ପଞ୍ଚାୟତ ନିର୍ବାହୀ ଅଧିକାରୀ, ଗ୍ରାମ ରୋଜଗାର ସେବକ, ଅଙ୍ଗନବାଡି କର୍ମୀ ପ୍ରମୁଖ ଏହି ଶିବିରରେ ଯୋଗ ଦେଇଥିଲେ ।

# ସର୍ଗୀଫୁଲ ସମାରୋହ

କନ୍ଧମାଳ ଜିଲ୍ଲାସ୍ତରୀୟ ସର୍ଗୀଫୁଲ ସମାରୋହ ଫୁଲବାଣୀ ବଇଡା ଉଚ୍ଚବିଦ୍ୟାଳୟଠାରେ ଅନୁଷ୍ଠିତ ହୋଇଯାଇଛି । ଦୁଇଦିନଧରି ଅନୁଷ୍ଠିତ ଏହି ସମାରୋହରେ ଅନୁସୂଚିତ ଜାତି ଓ ଜନଜାତି ବିଭାଗ ବିଦ୍ୟାଳୟରେ ପାଠ ପଢୁଥିବା ଛାତ୍ରଛାତ୍ରୀ ଯୋଗଦେଇ ବିଭିନ୍ନ ପ୍ରତିଯୋଗିତାରେ ଅଂଶଗ୍ରହଣ କରିଥିଲେ ।